# ପ୍ରଥମ ପରିଚ୍ଛେଦ

## ରାମଚନ୍ଦ୍ର ମଙ୍ଗରାଜ :

ରାମଚନ୍ଦ୍ର ମଙ୍ଗରାଜ ଜଣେ ମଫସଲର ଜମିଦାର, ମଧ୍ଯ ମହାଜନ-ନଗଦ ଟଙ୍କା କାରବାର ଠାରୁ ଧାନର ମହାଜନୀ ବେଶି । ଶୁଣାଯାଏ, ଆଢ଼େ ଦୀର୍ଘେ ଚାରି କୋଶ ମଧ୍ୟରେ ଆଉ କାହାରି କାରବାର ଚଳେନାହିଁ । ବଡ଼ ଧାର୍ମିକ । ବର୍ଷ ମଧ୍ୟରେ ୨୪ ଟା ଏକାଦଶୀ, ୪୦ ଟା ଥିଲେ ମଧ୍ୟ ଗୋଟାଏ ଯେ ଛାଡ଼ ପଡ଼ନ୍ତା , ଏକଥା ଆମ୍ଭେମାନେ କହିବାକୁ ଅକ୍ଷମ । ଏକାଦଶୀ ଦିନ ତୁଳସୀପତ୍ର ଜଳମାତ୍ର ଅବଲମ୍ବନ । ସେଦିନ ଉପରଓଳି ମଙ୍ଗରାଜଙ୍କର ଜଗା ଭଣ୍ଡାରୀ କଥା କହୁଁ କହୁଁ କହିପକାଇଲା, ପ୍ରତି ଏକାଦଶୀଦିନ ସଞ୍ଜବେଳେ ଦ୍ୱାଦ ଶୀ ପାରଣା ସକାଶେ ସାଆନ୍ତଙ୍କଘ ରେ ସେରେ ଦୁଧ, ଦିଶୁଖଇ, ନବାତ, ପାଚଲା କଦଳୀ ରଖାଯାଇଥାଏ । ସେ (ଜଗା) ଦ୍ୱାଦଶୀ ଦିନ ବଡ଼ି ସକାଳେ ତୁଚ୍ଛାବାସନ ମାଜେ । ଏକଥା ଶୁଣି ଜଣ କେତେ ମୁହଁ ଚାହାଁ ଚାହିଁ ହୋଇ ମୁରୁକି ହସୁଥିଲେ । ଜଣେ କହିପକାଇଲା, 'ଡୁବିପାଣି ପିଇଲେ ମହାଦେବଙ୍କ ବାପ ବି ଜାଣିପାରିବ ନାହିଁ । 'ଏ କଥାର ଅର୍ଥ ସଫା ବୁଝାଗଲା ନାହିଁ , ମାତ୍ର ଆମ୍ଭେମାନେ ଅନୁମାନ କରିନେଲୁ, ଏହା ନିନ୍ଦୁକର କଥା । ସେ କଥା ଛାଡ଼, ବରଞ୍ଚ ଆମ୍ଭେମାନେ ସାଆନ୍ତଙ୍କ ସପକ୍ଷରେ ଓକିଲାତି କରିପାରୁ । ଭାଣ୍ଡଶୂନ୍ୟ ହେବା କାର୍ଯ୍ୟଟା ଯେ ମଙ୍ଗରାଜଙ୍କ ଦ୍ୱାରା ଅନୁଷ୍ଠିତ ହୋଇଅଛି, ଏଥିର ଚାକ୍ଷୁଷ ସାକ୍ଷୀ କାହିଁ ? ଶୁଣିବା କଥା ବା ଅନୁମାନ କଥା ପ୍ରମାଣ ରୂପେ ଗ୍ରହଣ କରିବାକୁ ଆମ୍ଭେମାନେ ନିହାତି ନାରାଜ । ଅଦାଲତର ହାକିମମାନଙ୍କର ତ ଏହି ରାୟ । ଆଉ ଗୋଟିଏ କଥା ଦେଖ-ବିଜ୍ଞାନଶାସ୍ତ୍ର କହେ, ଜଳୀୟ ପଦାର୍ଥ ସବୁ ବାଷ୍ପାକାର ହୋଇ ଉଡ଼ିଯାଏ । ଦୁଧ ତ ଜଳୀୟ ପଦାର୍ଥ , ଜମିଦାର ଘର ଦୁଧ ବୋଲି ବିଜ୍ଞାନ ବିଧି ଡ଼ରିବ ପରା ! ପୁଣି ସଂମୂଷା ଚୁଚୁନ୍ଦୁରା ଚୁଟିଆ ଥିଲେ ଛାରପୋକ ମଶାମାଛି ଅବା କେଉଁ ଘରେ ନ ଥାନ୍ତି ? ପେଟ ପାଟଣା ପାଇଁ ଜଗତର ସମସ୍ତପ୍ରାଣୀ ଧାଉଁଛନ୍ତି । ଶେଷରେ ସେମାନେ ମଙ୍ଗରାଜଙ୍କ ପରି ହରିଭକ୍ତି - ବିଳାସ ଗ୍ରନ୍ଥ ମାହାମ୍ଯ ଶୁଣି ନାହାନ୍ତି । ଏଥକୁ ମଙ୍ଗରାଜଙ୍କ ଧର୍ମନିଷ୍ଠା ପ୍ରତି

ସନ୍ଦେହ କରିବା ମହାପାପ ବୋଲି ବିଚାର କରୁଁ । ଆହୁରି ମଧ୍ଯ ପାର୍ଶ୍ଵବର୍ତ୍ତି ଘଟଣାମାନଙ୍କ ପ୍ରତି ନଜର ରଖିବା ନିମନ୍ତେ ପ୍ରମାଣ ଆଇନରେ ବିଚାରକ ମାନଙ୍କ ପ୍ରତି ବିଶେଷ ବିଧି ଅଛି । ମଙ୍ଗରାଜେ ଉଷୁନା ଛୁଅନ୍ତି ନାହିଁ-ମାଛ ଶୁଖୁଆ କଥାଛାଡ଼ । ଦ୍ଵାଦଶୀ ଦିନ ବ୍ରାହ୍ମଣ ଭୋଜନ କରାଇ ତହିଁ ଉତ୍ତାରେ ପାରଣା କରନ୍ତି । ମଙ୍ଗରାଜେ ଭାରିହୁସିଆର ଲୋକ । ଏହି ବ୍ରାହ୍ମଣ ଭୋଜନ ରୂପ ମହତ୍ କାର୍ଯ୍ୟରେ କେତେ ବିଘ୍ନ ଘଟିପାରେ, ଏଥିସକାଶେ ଜଣେ କେଉଟକୁ ମାଣେ ଓ ଗୁଡ଼ିଆକୁ ମାଣେ -ଏପରି ଦୁଇମାଣ ଜମି ଖଞ୍ଜି ଦେଇଛନ୍ତି । ଦ୍ଵାଦଶୀ ଦିନ ଭୋରରୁ କେଉଟ ଦୁଇ ନଉତି ଚୂଡ଼ା ଓ ଗୁଡ଼ିଆ କୋଡ଼ିଏ ପଳ ଗୁଡ଼ ଦାଖଲ କରିଯାଏ । ଗୋବିନ୍ଦପୁର ଶାସନ ୭ ଘର ବ୍ରାହ୍ ମଣ -ସମସ୍ତେ ନିମନ୍ତ୍ରିତ ହୋଇ ଆସନ୍ତି । ବେଳ ଛଅଘଡ଼ି ମଧ୍ଯରେ ବାହ୍ମଣ ଭୋଜନି ହୋଇଯାଏ । ମଙ୍ଗରାଜେ ସ୍ବୟଂ ବ୍ରାହ୍ମଣ ମାନଙ୍କୁ ପରିବେଷଣ କରନ୍ତି । ଥରେ ପତ୍ରରେ ଚୂଡ଼ାଗୁଡ଼ ଲଗାଇ ଦେଲେ ମଙ୍ଗରାଜେ ଉଚ୍ଚପାଟିକରି ହାତ ଯୋଡ଼ି କହନ୍ତି , ''ଗୋସେଇଁମାନେ କୁହନ୍ତୁ , ଆଉକିଛି ଲୋଡ଼ା କି ନାହିଁ, ଢ଼େର ଜଳପାନ, ଢ଼େର ଗୁଡ଼ ଅଛି, ମାତ୍ର ମୁଁ ଜାଣେ, ଆପଣ ମାନଙ୍କ ଆଖି ବଡ଼ ପେଟ ସାନ । ଆପଣ ମାନଙ୍କ ପେଟକୁ ବଳି ପଡ଼ିଲାଣି । '' ଏଥି ଉତ୍ତାରେ କୌଣସି ପେଟ ବିକିଳିଆ ବ୍ରାହ୍ମଣ ଜଳପାନ ମାଗି ବସିଲେ ସାଆନ୍ତେ ତିନି ଆଙ୍ଗୁଳିଆ ପାଞ୍ଚ ସାତ ପୁଞ୍ଜାଚୂଡ଼ା ଧରି ପତ୍ରକୁ ଫୋପାଡ଼ି ଦିଅନ୍ତି । ତହିଁ ଉତ୍ତାରେ ଗୋସାଇଁ ମାନେ 'ପୂର୍ଣ୍ଣ ହେଲା, ପୂର୍ଣ୍ଣ ହେଲା' କହି ଲମ୍ଵା ଲମ୍ଵା ହାକୁଟି ମାରି ଆଶୀର୍ବାଦ କରି ପତ୍ର ଛାଡ଼ନ୍ତି । ବ୍ରାହ୍ମଣ ଭୋଜନ ଉତ୍ତାରେ ଯେଉଁ ଏକ ନଉତି ଚୂଡ଼ା ଓ ଅଧା ଅଧି ଗୁଡ଼ ବଳି ପଡ଼େ, ତାହା ଭକ୍ତି ପୂର୍ବକ ମଙ୍ଗରାଜେସେବାକରନ୍ତି । ପାଠକ ଆପଣ ପଚାରିବେ, ନଉତିଏ ଚୂଡ଼ାରେ ସତେଇଶ ଜଣ ବ୍ରାହ୍ମଣଙ୍କର ପେଟ କିପରି ପୂରିଲା? ହରିବୋଲ ଭାଇ ହରିବୋଲ । ଏସବୁ କଥାରେ ଉତ୍ତର ଦେବାକୁ ଗଲେ ଆମ୍ଭମାନଙ୍କର ଆଉ ଲେଖା ଚଳିବ ନାହିଁ । ଯୀଶୁ ଖ୍ରୀଷ୍ଟ ଦୁଇ ଖଣ୍ଡ ରୁଟିରେ ବାରଶତ ଲୋକ ଖୁଆଇଲେ, ପୁଣି ଚାରି ପାଛିଆ ବଳିପଡ଼ିଲା । କାମ୍ୟକ ବନରେ ଶ୍ରୀକୃଷ୍ଣ ଦୁର୍ବାସାଙ୍କ ବାର ହଜାର ଶିଷ୍ୟଙ୍କର ପେଟ

ଟିକିଏ ଶାଗରେ ପୂରାଇ ଦେଇଥିଲେ । ଏହି ମହାପୁରୁଷଙ୍କ ହସ୍ତ - ମହିମା ପ୍ରତି ଯଦି ଆପଣ ଙ୍କର ବିଶ୍ବାସ ନଥାଏ, ତେବେ ଆମ୍ଭମାନଙ୍କ ମଙ୍ଗରାଜ -ଚରିତ୍ର ପଢ଼ିବା ନିମନ୍ତେ ଅନୁରୋଧ କରିବାକୁ ସାହସ କରିପାରିବୁ ନାହିଁ । ଏପରି ଶୁଣାଅଛି, ତାଙ୍କର ମାଉସି ପୁଅ ଭାଇ ଶ୍ୟାମ ମଲ୍ଲେ ସହରକୁ ଯାଇଥିଲେ -ପାପ ଛପା ରହେ ନାହିଁ -ସେ କୁସଙ୍ଗରେ ପଡ଼ି ପିଆଜ ମିଶା କୋବି ଖାଇଥିବା ସାଆନ୍ତଙ୍କ ନିକଟରେ ଅଜଣା ରହିଲାନାହିଁ । ଆଜିଯାଏ ରୁଢ଼ ବଢ଼ି ରହିଥାନ୍ତା , ମଙ୍ଗରାଜେ ଖୁବ୍ କମ୍ ଖରଚରେ ଅର୍ଥାତ୍ ଶ୍ୟାମଙ୍କ ଦେଢ଼ବାଟି ପୈତୃକ ଲାଖରାଜରୁ ୧୫ ମାଣ ମାତ୍ର ନେଇ ଖଲାସ କରିଦେଲେ, ମଙ୍ଗରାଜେ ଦିନେ ଶ୍ୟାମକୁ ଡ଼ାକି ମୁରବୀ ପଣିଆ କରି କହିଲେ, ''ଦେଖ ଶ୍ୟାମ , ଏଣିକି ହୁସିଆର ରହ, ମୁଁ ଥିଲି ବୋଲି ମୋ ମୁଲାଜାରେ ପାଞ୍ଚଜଣ ତୋତେ ଟେକିନେଲେ ସିନା ନୋହିଲେ ତୁ ଏକାବେଳକେ କିରସ୍ତାନ ହୋଇ ଯାଇଥାନ୍ତୁ -----ତୋ ସାତ ପୁରୁଷ ଅହିନରକରେ ପଡ଼ିଥାନ୍ତେ । ଆଉ ମୁଁ ବୋଲି ସିନା ତୋର ମାଣ ପାଞ୍ଚ ଟଙ୍କାରେ ନେଲି, ଆଉ କେହି ଦୁଇ ଟଙ୍କାରେ ଛୁଅନ୍ତା ନାହିଁ । ଯେତେ ହେଲେ ତୁ ତ ଭାଇ, କ'ଣ ତୋତେ ଫୋପାଡ଼ି ଦେବି ? ହେଲେ, ବିପଦ ଆପଦ ବେଳକୁ ମୁଁ ----ଭଲବେଳେ କେହିନୁହେଁ । ଏହି ସେଦିନ ଭୀମା ଗଉଡ଼ର ଫୌଜଦାରୀ ମକଦ୍ଦମାରେ ତୋତେ ଗୁହା ହେବାକୁ କହିଲି, ଘରେ ଲୁଚିଲୁ, ଦେଖାଦେଲୁ ନାହିଁ । ''

ହାୟ! ହାୟ ! ଯେଉଁ ନିନ୍ଦୁକମାନେ ଖ୍ରୀଷ୍ଟଙ୍କୁ କ୍ରୁଶରେ ଚଢ଼ାଇଲେ, ପରମା ସତୀ ସୀତାଙ୍କୁ ବଣକୁ ପଠାଇଲେ, ସେମାନଙ୍କ ବଂଶଧର ମାନେଯେ ହରିବାସର ଉପବାସୀ ପରୋପକାରୀ ମଙ୍ଗରାଜଙ୍କ ଅଖ୍ୟାତି ରଟନା କରିବେ, ଏହା କିଛି ବିଚିତ୍ର ନୁହେଁ । ନିନ୍ଦୁକମାନେ ଯେଉଁ କଥା କହି ବୁଲିବେ, ଆମ୍ଭମାନଙ୍କୁ ନାଚାର ହାଲତରେ ସେ କଥା ବୋଲିବାକୁ ହେଉଅଛି । ସେମାନେ କହନ୍ତି , ମଙ୍ଗରାଜେ ଚାରି କୋଶ ମଧ୍ୟରେ କାହାରି ଗୋଖୋଜରୁ ଖୋଜେ ଜମି ରଖିଲେ ନାହିଁ । ବାକି ଥିଲା ଭାଇ ---ଓର ଖୋଜି ଖୋଜି ଏତେଦିନେ ପାଇଲେ । ଶ୍ୟାମ ପିଆଜ ଖାଇ ବ୍ରାହ୍ମଣ ଭୋଜନ କରାଇଲା, ମଙ୍ଗରାଜ ଘର ମାଇକିନିଆମାନେ ଯେ ଚମ୍ପାକୁ ପଠାଇ ହାଟରୁ ପିଆଜ କିଣି

ଆଣନ୍ତି ! କଥା ଛଳରେ ଆମ୍ଭେମାନେ ମାନିଗଲୁ, ଚମ୍ପା ପିଆଜ କିଣି ଆଣିଲା । ଖାଇବାର ପ୍ରମାଣ କାହିଁ ?''ପଲାଣ୍ଡୁ ଗୁଞ୍ଜନଞ୍ଚୈବ ''---ମନରେ ଖାଇବାକୁ ସିନା ମନା, କିଣିଲେ ପତିତ ହେବ, ଏ ବିଧି କାହିଁ ? ମାତ୍ର ଭଦ୍ରଲୋକ ଘର ମହିଳା ମାନଙ୍କ ଦୋଷାଦୋଷ ସମାଲୋଚନାକାରୀ ନିନ୍ଦୁକମାନଙ୍କଥାରେ ଉତ୍ତର ଦେବାକୁ ଆମ୍ଭେମାନେ ସଂପୂର୍ଣ୍ଣ ନାରାଜ ।

--0--